ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

ସୂଚନା ଓ ଲୋକସଂପର୍କ ବିଭାଗର ସାମ୍ବାଦିକ ସମ୍ମିଳନୀ

# ପ୍ରେସ୍ ଇସ୍ତାହାର

## ଓଡ଼ିଶାକୁ ଆସୁଥିବା ସମସ୍ତଙ୍କ ପାଇଁ ପଞ୍ଜୀକରଣ ବାଧ୍ୟତାମୂଳକ

ଭୁବନେଶ୍ୱର : ୧୭ ମାର୍ଚ୍ଚ,୨୦୨୦

କରୋନା ଭୂତାଣୁ ରୋଗ (କୋଭିଡ୍-୧୯) ସଂପର୍କରେ ସତର୍କତା ଏବଂ ସଚେତନତା ତଥା ରାଜ୍ୟ ସରକାରଙ୍କ ପ୍ରସ୍ତୁତି ସଂପର୍କରେ ଆଜି ଅପରାହ୍ଣରେ ସୂଚନା ଓ ଲୋକସଂପର୍କ ବିଭାଗ ତରଫରୁ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ COVID-19 ପାଇଁ ରାଜ୍ୟ ସରକାରଙ୍କ ମୁଖ୍ୟ ମୁଖପାତ୍ର ଶ୍ରୀ ସୁବ୍ରତୋ ବାଗ୍‌ଚୀ ଗଣମାଧ୍ୟମକୁ ସୂଚନା ଦେଇଛନ୍ତି ।

- ବର୍ତ୍ତମାନ ସୁଦ୍ଧା ବିଶ୍ୱର ୧୬୨ଟି ଦେଶରେ ୧,୮୩,୧୧୬ ଜଣ ବ୍ୟକ୍ତି କରୋନା ଭୂତାଣୁ ଦ୍ୱାରା ସଂକ୍ରମିତ ହୋଇଛନ୍ତି ।
- ଭାରତରେ ଆଜି ସୁଦ୍ଧା ସଂକ୍ରମିତଙ୍କ ସଂଖ୍ୟା ୧୨୬ ଥିବାବେଳେ ୩ ଜଣଙ୍କର କରୋନା ଭୂତାଣୁ ଯୋଗୁଁ ମୃତ୍ୟୁ ହୋଇଥିବାର ଜଣାଯାଇଛି ।
- ଏ ପର୍ଯ୍ୟନ୍ତ ୦-୯ ବର୍ଷ ବୟସର କୌଣସି ଶିଶୁଙ୍କର କରୋନା ଭୂତାଣୁ ଯୋଗୁଁ ମୃତ୍ୟୁ ହୋଇନାହିଁ ।
- ବାହାରୁ ଓଡ଼ିଶାକୁ ଆସୁଥିବା ବ୍ୟକ୍ତିବିଶେଷଙ୍କ ପାଇଁ ରାଜ୍ୟ ସରକାରଙ୍କ ପକ୍ଷରୁ ପ୍ରଦତ୍ତ ଅନ୍‌ଲାଇନ୍ ପୋର୍ଟାଲ୍ covid19.odisha.gov.in ରେ ଗତ ୨୪ ଘଣ୍ଟା ମଧ୍ୟରେ ୧୨୩୯ ଜଣ ପଞ୍ଜୀକରଣ କରିଛନ୍ତି । ୧୦୪ ସହାୟତା ନମ୍ବର ଜରିଆରେ ୫୫୪ ଜଣ ଏବଂ ୱେବ୍‌ସାଇଟ୍‌ରେ ୬୮୫ ଜଣ ପଞ୍ଜୀକରଣ କରିଛନ୍ତି । ଓଡ଼ିଶାକୁ ଆସୁଥିବା ପ୍ରତ୍ୟେକ ବ୍ୟକ୍ତିବିଶେଷଙ୍କ ପାଇଁ ପଞ୍ଜୀକରଣ ବାଧ୍ୟତାମୂଳକ ଏବଂ ଜନସାଧାରଣ ଏହାର ଅନୁପାଳନ କରିବା ପାଇଁ ରାଜ୍ୟ ସରକାରଙ୍କ ତରଫରୁ ଅନୁରୋଧ କରାଯାଇଛି ।
- ଆମେରିକାରୁ ଫେରିଥିବା ଗଜପତି ମହାରାଜା ଶ୍ରୀ ଦିବ୍ୟସିଂହ ଦେବ, ମହାରାଣୀ ଓ ପରିବାରବର୍ଗ ସ୍ୱତଃପ୍ରବୃତ୍ତ ଭାବେ ପଞ୍ଜୀକରଣ କରିବା ସହ ୧୪ ଦିନିଆ ହୋମ୍ କ୍ୱାରାଣ୍ଟାଇନ୍‌ରେ ରହିଥିବାରୁ ରାଜ୍ୟ ସରକାରଙ୍କ ତରଫରୁ ତାଙ୍କୁ କୃତଜ୍ଞତା ଜ୍ଞାପନ କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗ ଦ୍ୱାରା ହସ୍ତଗତ ୩୨ଟି ନମୁନା ମଧ୍ୟରୁ ୩୧ଟି କରୋନା ନେଗେଟିଭ୍ ଆସିଥିବାବେଳେ ଯେଉଁ ଜଣଙ୍କଠାରେ ପଜିଟିଭ୍ ଆସିଛି ସେ ଚିକିତ୍ସିତ ହେଉଛନ୍ତି ଏବଂ ସୁସ୍ଥ ଅଛନ୍ତି । ତାଙ୍କ ସଂସ୍ପର୍ଶରେ ଆସିଥିବା ଅନ୍ୟମାନଙ୍କୁ ହୋମ୍ ଆଇସୋଲେସନ୍‌ରେ ରହିବା ପାଇଁ ପରାମର୍ଶ ଦିଆଯାଇଛି ।

- ରାଜ୍ୟର ପ୍ରତ୍ୟେକ ଜିଲ୍ଲା ସଦର ମହକୁମାସ୍ଥିତ ଡାକ୍ତରଖାନା ଓ ମେଡିକାଲ୍ କଲେଜ୍-ହସ୍‌ପିଟାଲ୍‌ଗୁଡ଼ିକରେ ଆଇସୋଲେସନ୍ ବ୍ୟବସ୍ଥା ଉପଲବ୍ଧ କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ୫୪୦ଟି ଆଇସୋଲେସନ୍ ବେଡ୍ ପ୍ରସ୍ତୁତ ରହିଛି ।
- ଗ୍ରାମାଞ୍ଚଳରେ ପ୍ରତିଷେଧକ ବ୍ୟବସ୍ଥା ଭାବରେ ବ୍ଲକ୍‌ସ୍ତରରେ କ୍ୱାରାଣ୍ଟାଇନ୍‌ର ସୁବିଧା ନିମନ୍ତେ ଚିହ୍ନଟ ହୋଇଥିବା **ସୁରକ୍ଷିତ ଗୃହଗୁଡ଼ିକ** ପାଇଁ ପଞ୍ଚାୟତିରାଜ ଓ ପାନୀୟ ଜଳ ବିଭାଗ ପକ୍ଷରୁ ୫ ଲକ୍ଷ ଟଙ୍କା ଲେଖାଏଁ ମଞ୍ଜୁର କରାଯାଇଛି ।
- ଗତ ୨୪ ଘଣ୍ଟା ମଧ୍ୟରେ ୧୦୪ ହେଲ୍ଥ ଲାଇନ୍‌କୁ ୧୦ ହଜାରରୁ ଊର୍ଦ୍ଧ୍ୱ କଲ୍ ଆସିଛି । ଏହି କଲ୍ ସେଣ୍ଟରର କଳେବର ବୃଦ୍ଧି ସହ ଏହାକୁ ଅଧିକ ବ୍ୟାପକ କରିବା ନିମନ୍ତେ ପୂର୍ତ୍ତ ବିଭାଗର ଶାସନ ସଚିବ ଡ. କ୍ରିଷନ୍ କୁମାରଙ୍କୁ ଏହାର ପରିଚାଳନା ଦାୟିତ୍ୱ ଦିଆଯାଇଛି ।
- ଘରୋଇ ଚିକିତ୍ସାଳୟଗୁଡ଼ିକରେ ମଧ୍ୟ କରୋନା କେନ୍ଦ୍ର ସ୍ଥାପନ କରିବା, ଆବଶ୍ୟକୀୟ ପ୍ରୋଟୋକଲ୍ ପାଳନ ସହ ଅନାବଶ୍ୟକ ଲୋକଙ୍କ ଯିବାଆସିବା ଉପରେ କଟକଣା ଲଗାଇବା ପାଇଁ ସରକାରଙ୍କ ପକ୍ଷରୁ ନିର୍ଦ୍ଦେଶ ଦିଆଯାଇଛି ।
- ସପିଂ ମଲ୍‌ଗୁଡ଼ିକୁ ସଂପୂର୍ଣ୍ଣ ଭାବରେ ବନ୍ଦ କରା ନଯାଇ ଖାଦ୍ୟ ଓ ଗ୍ରୋସୋରୀ ସାମଗ୍ରୀ, ଅତ୍ୟାବଶ୍ୟକ ସାମଗ୍ରୀ, ଔଷଧ ଆଦିର ବିକ୍ରିବଟା କରାଯିବ । ତେବେ ଆବଶ୍ୟକ ନପଡ଼ିଲେ ମଲ୍‌କୁ ଯିବାକୁ ଜନସାଧାରଣଙ୍କୁ ବାରଣ କରାଯାଇଛି ।
- ବ୍ୟାଙ୍କଗୁଡ଼ିକରେ ଗହଳି କମାଇବା ସହିତ ନିୟମିତ ଭାବରେ ଏଟିଏମ୍‌ଗୁଡ଼ିକର ପରିଷ୍କାର ପରିଚ୍ଛନ୍ନତା ଉପରେ ଗୁରୁତ୍ୱ ଦେବା ସହ ହ୍ୟାଣ୍ଡ ସାନିଟାଇଜର ରଖିବାକୁ ପରାମର୍ଶ ଦିଆଯାଇଛି ।
- ରାଜ୍ୟରେ ଆଶ୍ରମ ସ୍କୁଲଗୁଡ଼ିକର ଛାତ୍ରାବାସରେ ୫ ଲକ୍ଷ ୭୫ ହଜାର ଅନ୍ତେବାସୀ ରହିଛନ୍ତି । ସେମାନେ ସୁରକ୍ଷିତ ଅଛନ୍ତି ଏବଂ ସେମାନଙ୍କର ସ୍ୱାସ୍ଥ୍ୟାବସ୍ଥାକୁ ନିୟମିତ ନିରୀକ୍ଷଣ କରାଯାଉଛି ।
- ବୟସ୍କ ଲୋକମାନଙ୍କ ସୁବିଧା ପାଇଁ ସେମାନଙ୍କୁ ଘରେ ବିନା ବାୟୋମେଟ୍ରିକ୍‌ରେ ମଧ୍ୟ ରାସନ୍ ସାମଗ୍ରୀ ଯୋଗାଇ ଦିଆଯିବ ।
- ଗ୍ରାମପଞ୍ଚାୟତ ସ୍ତରରେ ଚଳିତ ମାର୍ଚ୍ଚ ୧୯, ପଞ୍ଚାୟତ ସମିତି ସ୍ତରରେ ୨୦ ଏବଂ ଜିଲ୍ଲା ପରିଷଦ ପାଇଁ ୨୧ ତାରିଖ ତିନିଦିନ ଧରି ସଚେତନତା ବୈଠକ ଅନୁଷ୍ଠିତ ହେବ । ଏହି ବୈଠକରେ ପଞ୍ଚାୟତିରାଜ ପ୍ରତିନିଧିମାନଙ୍କର ଭୂମିକା ସଂପର୍କରେ ସେମାନଙ୍କୁ ସଂପୂର୍ଣ୍ଣ ଅବଗତ କରାଯିବ ।

ଆଜିର ଏହି ସାମ୍ବାଦିକ ସମ୍ମିଳନୀରେ ମହିଳା ଓ ଶିଶୁ ବିକାଶ ଏବଂ ମିଶନ ଶକ୍ତି ବିଭାଗର ପ୍ରମୁଖ ଶାସନ ସଚିବ ଶ୍ରୀମତୀ ଅନୁ ଗର୍ଗ, ସୂଚନା ଓ ଲୋକସଂପର୍କ ବିଭାଗର ଶାସନ ସଚିବ ଶ୍ରୀ ସଂଜୟ କୁମାର ସିଂ ଏବଂ ଇଲେକ୍‌ଟ୍ରୋନିକ୍ସ ଏବଂ ଆଇଟି ବିଭାଗ ସଚିବ ଶ୍ରୀ ମନୋଜ କୁମାର ମିଶ୍ର ପ୍ରମୁଖ ଉପସ୍ଥିତ ଥିଲେ ।

ସୁଚେତା ପ୍ରିୟଦର୍ଶିନୀ
ପଠାଣି ରାଉତ
ସୂଚନା ଅଧିକାରୀ